ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍

ତା ୨୧.୦୫.୨୦୨୪

## ରାଜ୍ୟ ପୋଲିସ ମୁଖ୍ୟ କାର୍ଯ୍ୟାଳୟ ଠାରେ ସନ୍ତ୍ରାସବାଦ ନିରୋଧ ଶପଥ ପାଠ

କଟକ ତା ୨୧.୦୫.୨୦୨୪ – ସନ୍ତ୍ରାସବାଦ ନିରୋଧ ଦିବସ ଉପଲକ୍ଷେ ରାଜ୍ୟ ପୋଲିସ ମୁଖ୍ୟାଳୟଠାରେ ବରିଷ୍ଠ ପୋଲିସ ଅଧିକାରୀ ଓ କର୍ମଚାରୀଙ୍କ ଦ୍ୱାରା ସନ୍ତ୍ରାସବାଦ ନିରୋଧ ଶପଥ ପାଠ କାରାଯାଇଅଛି । ଏହି ଅବସରରେ ଆଜି ପୂର୍ବାହ୍ନରେ ରାଜ୍ୟ ପୋଲିସ ମୁଖ୍ୟ କାର୍ଯ୍ୟାଳୟ ପରିସରରେ ଅଧିକାରୀ/ କର୍ମଚାରୀମାନେ ଦେଶର ଅହିଂସା ଓ ସହନଶୀଳତା ପରମ୍ପରା ଉପରେ ଦୃଢ଼ ବିଶ୍ୱାସ ରଖି ସମସ୍ତ ଶକ୍ତି ସହିତ ଆତଙ୍କବାଦ ଓ ହିଂସାର ବିରୋଧ କରିବା ସହ ମାନବଜୀବନ ଓ ମୂଲ୍ୟବୋଧ ପ୍ରତି ବିପଦ ସୃଷ୍ଟି କରୁଥିବା ବ୍ୟକ୍ତି ମାନଙ୍କ ସହ ସଂଗ୍ରାମ କରିବାକୁ ଶପଥ ନେଇଥିଲେ । ଆଇ.ଜି.ପି (ପ୍ରୋଭିଜନିଂ) ଶ୍ରୀ ଯତିନ୍ଦ୍ର କୋୟଲ ଉପସ୍ଥିତ ରହି ସମସ୍ତ କର୍ମଚାରୀ/ ଅଧିକାରୀଙ୍କୁ ଶପଥ ପାଠ କରାଇଥିଲେ । ଏହି କାର୍ଯ୍ୟକ୍ରମରେ ଆଇ.ଜି.ପି (କାର୍ମିକ) ଶ୍ରୀ ଏସ. ପ୍ରବୀଣ କୁମାର, ଏ.ଆଇ.ଜି.ପି (ମୁଖ୍ୟାଳୟ) ଶ୍ରୀ ବିବେକାନନ୍ଦ ଶର୍ମା, ଏ.ଆଇ.ଜି.ପି (ମୁଖ୍ୟାଳୟ) ଶ୍ରୀ ଅମରେଶ ପଣ୍ଡା, ଏସ.ପି (ଏସଏଜି) ଡ. ଭବାନୀକାନ୍ତ ପଟ୍ଟନାୟକ, ଏ.ଆଇ.ଜି.ପି (କାର୍ମିକ) ଶ୍ରୀ ପ୍ରଶାନ୍ତ କୁମାର ମିଶ୍ର, ଏ.ଆଇ.ଜି.ପି (ପ୍ରୋଭିଜନିଙ୍ଗ) ଶ୍ରୀ ପ୍ରଶାନ୍ତ କୁମାର ନାୟକ ପ୍ରମୁଖ ଉପସ୍ଥିତ ଥିଲେ ।

ଲୋକ ସମ୍ପର୍କ ଅଧିକାରୀ